ଫର୍ମ -III
[ନିୟମ-୫(୪)

# ତହସିଲ୍ କାର୍ଯ୍ୟାଳୟ, କୁକୁଡ଼ାଖଣ୍ଡି, ଗଞ୍ଜାମ

ଲିଜ ମିସ୍ କେସ୍ ନଂ ୦୧/ ୨୦୨୫

## ସର୍ବସାଧାରଣ ନୋଟିସ୍

ଏତଦ୍ବାରା ମୌଜା – ଆଙ୍କୁଶପୁର, ଥାନା- ବ୍ରହ୍ମପୁର ସଦର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମିର ଖାତାକୁ "ରକ୍ଷିତ" ରୁ "ଆବାଦ ଯୋଗ୍ୟ ଅନାବାଦି" ଓ କିସମକୁ "ଗୋଚର" ରୁ "ପତିତ" ରେ ପରିଣତ କରି ଓଡ଼ିଶା ବିଦ୍ୟୁତ୍ ଶକ୍ତି ସଂଚାରଣ ନିଗମ ଲିଃ (OPTCL) ଙ୍କ ନାମରେ କର୍ମଚାରିମାନଙ୍କ ବାସଗୃହ ଓ ଭଣ୍ଡାର ଗୃହ ସ୍ଥାପନ ନିମନ୍ତେ ଲିଜେ ସୂତ୍ରେ ହସ୍ତାନ୍ତର କରିବା ପାଇଁ ପ୍ରସ୍ତାବିତ ହୋଇଅଛି ।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ଖାତା ଓ କିସମ ପରିବର୍ତ୍ତନ ଉପରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ଏହି ଇସ୍ତାହାର ପ୍ରକାଶ ପାଇବାର ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେ କୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଅଭିଯୋଗ ଗ୍ରହଣ କରାଯିବ ନାହିଁ।

### ତଫସିଲଭୁକ୍ତ ଜମିର ବିବରଣୀ

| ମୌଜା | ଖାତା ନଂ | ପ୍ଲଟ ନଂ | ପୂର୍ଣ୍ଣ ରକବା | ପ୍ରସ୍ତାବିତ ରକବା | କିସମ | ଯାହାଙ୍କ ନାମରେ ବନ୍ଦୋବସ୍ତ କରାଯିବ (ପ୍ରସ୍ତାବିତ ପ୍ରଜା) |
|---|---|---|---|---|---|---|
| ଆଙ୍କୁଶପୁର | 735 (ରକ୍ଷିତ) | 610 | 11.851 | 3.100 | ଗୋଚର | ଓଡ଼ିଶା ବିଦ୍ୟୁତ୍ ଶକ୍ତି ସଂଚାରଣ ନିଗମ ଲିଃ |

ତହସିଲଦାର,
କୁକୁଡ଼ାଖଣ୍ଡି, ଗଞ୍ଜାମ

ପରିପତ୍ର ନଂ 5830 / ତାରିଖ 01.05.2025

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ (DIO), NIC, ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, ଆଙ୍କୁଶପୁରଙ୍କ ଦ୍ୱାରା ମୌଜା- ଆଙ୍କୁଶପୁର ପ୍ରକାଶ୍ୟ ସ୍ଥାନରେ ଡେଙ୍ଗୁରା / ମାଇକିଙ୍ଗ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଆଙ୍କୁଶପୁର ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ / ସରପଞ୍ଚଙ୍କ ଅବଗତି ଓ ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କୁକୁଡ଼ାଖଣ୍ଡିର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ଓ ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

ତହସିଲଦାର,
କୁକୁଡ଼ାଖଣ୍ଡି, ଗଞ୍ଜାମ